ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୦ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୩୯୯୧ରେ ପହଞ୍ଚିଲା - ସୁସ୍ଥ ହେଲେ ୩୮ ଜଣ ।

ଅନୁଗୋଳ, ତା.୨୮.୦୮ :- ଆଜି ଅନୁଗୋଳ ଜିଲ୍ଲାରେ ୨୦ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ (୩ ଜଣ ପୁରୁଷ ଓ ୨ଜଣ ମହିଳା), ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୪ଜଣ (୨ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ୨ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ (୩ ଜଣ ପୁରୁଷ), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୮ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୪୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୫ ଲକ୍ଷ ୧୫ହଜାର ୧୦୦ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୫୫୦ ତା. ୨୮.୦୮.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ